# ଆଶ୍ରମେ ପ୍ରଭାତ (ତପସ୍ୱିନୀ)

ମଙ୍ଗଳେ ଅଇଲା ଉଷା ବିକଚ ରାଜୀବ ଦୃଶା
ଜାନକୀ-ଦର୍ଶନ-ତୃଷା ହୃଦହେ ବହି,
କରପଲ୍ଲବେ ନୀହାର-
ମୁକ୍ତା ଧରି ଉପହାର
ସତୀଙ୍କ ବାସ-ବାହାର-ପ୍ରାଙ୍ଗଣେ ରହି,
କଳକଣ୍ଠ କଣ୍ଠେ କହିଲା,
"ଦରଶନ ଦିଅ ସତୀ, ରାତି ପାହିଲା"। ॥୧॥

ଅରୁଣ କଷାୟ ବାସ, କୁସୁମ କାନ୍ତି ବିକାଶ,
ପ୍ରଶାନ୍ତ-ରୂପ, ବିଶ୍ୱାସ ଦିଅନ୍ତି ମନେ,
କେଉଁ ଯୋଗେଶ୍ୱରୀ ଆସି
ମଧୁର ଭାଷେ ଆଶ୍ୱାସି
ଡାକୁଛନ୍ତି ଦୁଃଖରାଶି ଉପଶମନେ,
ଦେବା ପାଇଁ ନବ ଜୀବନ
ସ୍ୱର୍ଗୁଁ କି ଓହ୍ଲାଇଛନ୍ତି ମର୍ତ୍ତ୍ୟଭୁବନ! ॥୨॥

ସମୀର ସଙ୍ଗୀତ ଗାଏ, ଭ୍ରମର ବୀଣା ବଜାଏ,
ସୁରଭି ନର୍ତ୍ତନେ ଥାଏ ଉଷା ନିଦେଶେ,
କୁମ୍ଭାଟୁଆ ହୋଇ ଭାଟ
ଆରମ୍ଭିଲା ସ୍ତବ ପାଠ
କଳିଙ୍ଗ ଅଇଲା ପାଟ ମାଗଧ ବେଶେ,
ଲଳିତ ମଧୁରେ କହିଲା,
"ଉଠ ସତୀ ରାଜ୍ୟ-ରାଣୀ, ରାତି ପାହିଲା।" ॥୩॥

ମୁନି-ମୁଖ ବେଦ-ସ୍ୱନ ପୂର୍ଣ୍ଣ କଲା ଶ୍ୟାମବନ
ଉଠିଲା ଭେଦି ଗଗନ ଉଚ୍ଚ ଓଁ କାର,
ବୈକୁଣ୍ଠେ ଦେଇ ତୃପତି
ଅନନ୍ତ ଶ୍ରୁତିକି ଗତି
ବିହିଲା କି ସରସ୍ୱତୀ ବୀଣାଝଙ୍କାର;
ବେଳୁଁ ବେଳ ବନ ଉଜ୍ଜ୍ୱଳ,
ମନ୍ତ୍ରବଳେ ଯେହ୍ନେ ବଢ଼ି ଆସିଲା ବଳ। ॥୪॥

ଏକାଳେ ବ୍ରହ୍ମଚାରିଣୀ ଅନୁକମ୍ପା ତପସ୍ୱିନୀ
ଆସି ଜନକନନ୍ଦିନୀ ପାଶେ ଗମ୍ଭୀରେ
ବୋଇଲେ, "ଉଠ ବୈଦେହୀ,
ଉଷା ସୁକୁମାରଦେହୀ
ଆସିଛି, ଦର୍ଶନ ଦେଇ ତୋଷ ବିଧିରେ,
ତମସା ରହିଛି ଅନାଇ
କୋଳ କରି ଥରେ ସୁଖ ଲଭିବା ପାଇଁ।" ॥୫॥